ପ୍ରେସ୍ ନୋଟ୍

## ସେପ୍ଟେମ୍ବର ମାସ ପାଇଁ ଜିଲ୍ଲାପାଳଙ୍କ ମିଳିତ ଜନଶୁଣାଣି କାର୍ଯ୍ୟକ୍ରମ ।

ଅନୁଗୋଳ ୦୨.୦୯ :- ଅନୁଗୋଳ ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କର ସେପ୍ଟେମ୍ବର ମାସ ପାଇଁ ମିଳିତ ଜନ ଶୁଣାଣି କାର୍ଯ୍ୟକ୍ରମ ସ୍ଥିର ହୋଇଛି । ଏଥିରେ ଜିଲ୍ଲାପାଳ ଓ ଅନୁଗୋଳ ଆରକ୍ଷୀ ଅଧିକ୍ଷକ ଶ୍ରୀ ଜଗମୋହନ ମୀନାଙ୍କ ସମେତ ବିଭିନ୍ନ ବିଭାଗର ଅଧିକାରୀମାନେ ଯୋଗ ଦେବେ । ନିର୍ଦ୍ଧାରିତ କାର୍ଯ୍ୟସୂଚୀ ଅନୁଯାୟୀ ସେପ୍ଟେମ୍ବର ମାସ ୫ ତାରିଖ (ସୋମବାର) ପୂର୍ବାହ୍ନ ୧୦ଘଟିକା ସମୟରେ ମିଳିତ ଜନଶୁଣାଣି କାର୍ଯ୍ୟକ୍ରମ କଣିହାଁ ବ୍ଲକ କାର୍ଯ୍ୟାଳୟ ଠାରେ ଅନୁଷ୍ଠିତ ହେଉଥିବାବେଳେ ୧୨ ତାରିଖ (ସୋମବାର) ପୂର୍ବାହ୍ନ ୧୦ଘଟିକା ସମୟରେ ଜିଲ୍ଲା କାର୍ଯ୍ୟାଳୟ, ୧୯ ତାରିଖ ( ସୋମବାର) ପୂର୍ବାହ୍ନ ୧୦ଘଟିକା ସମୟରେ ବଣଁରପାଳ ବ୍ଲକ୍ କାର୍ଯ୍ୟାଳୟ ଓ ୨୬ ତାରିଖ (ସୋମବାର) ପୂର୍ବାହ୍ନ ୧୦ଘଟିକା ସମୟରେ ଜିଲ୍ଲା କାର୍ଯ୍ୟାଳୟ ଠାରେ ଅନୁଷ୍ଠିତ ହେବ । ଏହି ସମସ୍ତ କାର୍ଯ୍ୟକ୍ରମରେ ସମ୍ପୃକ୍ତ ଅଞ୍ଚଳର ଜନସାଧାରଣ ଯୋଗ ଦେଇ ନିଜ ନିଜର ଆପତ୍ତି ଅଭିଯୋଗ ଉପସ୍ଥାପନ କରିବାକୁ ଜିଲ୍ଲା ପ୍ରଶାସନ ତରଫରୁ ଜଣାଇ ଦିଆଯାଉଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୪୯୧ ତା.୦୨.୦୯.୨୦୨୨

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ ।